# ଆଜି ଅନୁଗୋଳରୁ ୧୨ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୨୦୧ ରେ ।

ଅନୁଗୋଳ,୨୦.୦୭ :- ଆଜି ଅନୁଗୋଳ ଜିଲ୍ଲାରୁ ୧୨ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେମାନଂକ ମଧ୍ୟରୁ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ସର୍ବାଧିକ ୫ ଜଣ, ଅନୁଗୋଳ ପୌରାଞ୍ଚଳରୁ ୩ ଜଣ, ଅନୁଗୋଳ ବ୍ଲକ୍, କଣିହାଁ ଶିଳ୍ପାଞ୍ଚଳ, ତାଳଚେର ବ୍ଲକ ଓ ତାଳଚେର ପୌରାଞ୍ଚଳରୁ ଜଣେ ଲେଖାଏଁ ପଜିଟିଭ ଚିହ୍ନଟ ହୋଇଛନ୍ତି । ଆଠମଲ୍ଲିକ ବ୍ଲକ୍ ଅଂଚଳର ଏକ ଅସ୍ଥାୟୀ ମେଡିକାଲ ଶିବିରରୁ ୨୭,୨୪,୨୦,୩୦ ଓ ୨୦ ବର୍ଷ ବୟସ୍କ ୫ ଜଣ ପୁରୁଷ କରୋନା ପଜିଟିଭ ଭାବେ ଚିହ୍ନଟ ହୋଇଛନ୍ତି । ଏମାନଂକ ମଧ୍ୟରୁ ୪ ଜଣ ବାଙ୍ଗାଲୋର ଫେରନ୍ତା ହୋଇଥିବା ବେଳେ ଜଣେ ଗୁଜୁରାଟରୁ ଫେରି ଏହି ଅସ୍ଥାୟୀ ମେଡିକାଲ ଶିବିରରେ ସଙ୍ଗରୋଧରେ ଥିଲେ । ଅନୁଗୋଳ ପୌରଅଞ୍ଚଳରୁ ଆଜି ୩ ଜଣ ପୁରୁଷ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଛନ୍ତି ଯାହାଂକର ବୟସ ୨୨,୩୨ ଓ ୪୯ ବର୍ଷ ଅଟେ । ଅନୁଗୋଳ ବ୍ଲକ ଅଂଚଳର ଜଣେ ୨୮ ବର୍ଷ ବୟସ୍କ କଲିକତା ଫେରନ୍ତା ପୁରୁଷଙ୍କର ଆଜି ଆଣ୍ଟିଜେନ୍ ଟେଷ୍ଟରେ ପଜିଟିଭ ଜଣା ପଡିଛି । କଣିହାଁ ଶିଳ୍ପାଂଚଳରୁ ଜଣେ ୩୧ ବର୍ଷୀୟ ପୁରୁଷ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଛନ୍ତି । ତାଳଚେର ବ୍ଲକ୍ ଅଂଚଳର ଜଣେ ଲକ୍ଷଣଯୁକ୍ତ ୪୪ ବର୍ଷୀୟା ମହିଳା ଭୁବନେଶ୍ୱରର ଏକ ଘରୋଇ ହସପିଟାଲରେ ଚିକିତ୍ସିତ ହେଉଥିବା ବେଳେ ତାଂକର ପଜିଟିଭ ବାହାରିଛି । ସେହିପରି ତାଳଚେର ପୌରାଞ୍ଚଳର ଜଣେ ୪୦ ବର୍ଷୀୟ ପୁରୁଷ ଭୁବନେଶ୍ୱରର ଏକ ଘରୋଇ ହସପିଟାଲରେ ଚିକିତ୍ସିତ ହେଉଥିବା ବେଳେ ତାଂକର ମଧ୍ୟ ପଜିଟିଭ ବାହାରିଥିବା ଜଣାପଡିଛି । ଏହି ୧୨ ଜଣଂକୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଆଜି ଏହି ୧୨ ପଜିଟିଭକୁ ମିଶାଇ ଜିଲ୍ଲାରେ ଆକ୍ରାନ୍ତଂକ ସଂଖ୍ୟା ୨୦୧ରେ ପହଂଚିଛି । ଇତି ମଧ୍ୟରେ ୬ ଜଣ ସୁସ୍ଥ ହୋଇ କୋଭିଡ କେୟାର ସେଣ୍ଟରକୁ ନିରୀକ୍ଷଣ ନିମନ୍ତେ ଯାଇଛନ୍ତି । ପ୍ରକାଶଥାଉକି ପୂର୍ବରୁ ଜିଲ୍ଲାରେ ଚିକିତ୍ସିତ ହୋଇ ସୁସ୍ଥ ହୋଇଥିବା ୧୦୯ ଜଣ ଓ ବାହାର ହସପିଟାଲରେ ୯ ଜଣ ଚିକିତ୍ସିତ ହୋଇ ଘରକୁ ଫେରିଛନ୍ତି । ଆଜିର ୬ ଜଣଂକୁ ମିଶାଇ ସମୁଦାୟ ସୁସ୍ଥଂକ ସଂଖ୍ୟା ୧୨୪ ରେ ପହଂଚିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୭୬ ତା.୨୦.୭.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।